# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**28th June - 2024**

**News Editor : *Itishree Singh Rathuar***

*******************************************

## ମୁଖ୍ୟ ସମ୍ବାଦ

- ନୀଟ୍-ୟୁ.ଜି. ପ୍ରବେଶିକା ପରୀକ୍ଷାରେ ଅନିୟମିତତା ଅଭିଯୋଗରେ ବିରୋଧୀ ସଦସ୍ୟଙ୍କ ହଟ୍ଟଗୋଳ ଯୋଗୁଁ ସଂସଦ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ ।

— ଏନ୍.ଟି.ଏ.ରେ ସଂସ୍କାର ଆଣିବାପାଇଁ ଛାତ୍ରଛାତ୍ରୀ ଏବଂ ଅଭିଭାବକଙ୍କଠାରୁ ମତାମତ ଲୋଡ଼ିଲା ଶିକ୍ଷା ମନ୍ତ୍ରଣାଳୟ ।

- ରାଜ୍ୟରେ ସମ୍ଭାବ୍ୟ ବର୍ଷା ଓ ଚାଷ ସ୍ଥିତି ସମ୍ପର୍କରେ ରାଜସ୍ୱ ମନ୍ତ୍ରୀଙ୍କ ସମୀକ୍ଷା ।

— ଜଳସେଚନ ପ୍ରକଳ୍ପଗୁଡ଼ିକୁ କାର୍ଯ୍ୟକାରୀ କରିବାପାଇଁ ତୁରନ୍ତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ।

- ବରିଷ୍ଠ ପ୍ରଶାସକ ମନୋଜ ଆହୁଜାଙ୍କୁ ମୁଖ୍ୟ ଶାସନ ସଚିବ ଭାବେ ନିଯୁକ୍ତି ଦେଲେ ରାଜ୍ୟ ସରକାର ।

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟ ପଶ୍ଚିମ-କେନ୍ଦ୍ରୀୟ ଅଞ୍ଚଳରେ କେନ୍ଦ୍ରୀଭୂତ; ଏହାର ପ୍ରଭାବରେ ୮ଟି ଜିଲ୍ଲାରେ ଅତି ପ୍ରବଳ ବର୍ଷା ସମ୍ଭାବନା ।

***Desk***

## ସଂସଦ ଅଧିବେଶନ

ସର୍ବ ଭାରତୀୟ ଡାକ୍ତରୀ ପ୍ରବେଶିକା ପରୀକ୍ଷା-ନିଟ୍ ୟୁଜିରେ ଅନିୟମିତତା ଅଭିଯୋଗ ନେଇ ବିରୋଧୀଦଳଗୁଡ଼ିକ ପକ୍ଷରୁ ବିରୋଧ ପ୍ରଦର୍ଶନ ହେବାରୁ ଆଜିପାଇଁ ଲୋକସଭା ଓ ରାଜ୍ୟସଭାକୁ ମୁଲତବୀ ଘୋଷଣଶ କରାଯାଇଛି । ଆଜି ଲୋକସଭାରେ ନୀଟ୍ ପ୍ରବେଶିକା ପରୀକ୍ଷାରେ ଅନିୟମିତତା ଅଭିଯୋଗ ପରେ ଗୃହରେ ବିରୋଧଦଳ ସଦସ୍ୟମାନେ ବିରୋଧ ପ୍ରଦର୍ଶନ କରିବାରୁ ବାଚସ୍ପତି ଓମ୍ ବିର୍ଲା ବାରମ୍ବାର ଗୃହକୁ ମୁଲତବୀ କରିଥିଲେ । ପରିସ୍ଥିତିରେ କୌଣସି ସୁଧାର ନ ଆସିବାରୁ ବାଚସ୍ପତି  ଗୃହକୁ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ ରଖିଛନ୍ତି । ଏହି ସମୟରେ ବାଚସ୍ପତି ଓମ୍ ବିର୍ଲା କହିଥିଲେ, ନିଟ୍ ୟୁଜି ପରୀକ୍ଷା ବିବାଦ ଉପରେ ବିଚାର ଲାଗି ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି । ପୂର୍ବ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ସଂସଦକୁ ଚାଲିବାକୁ ନ ଦେବା ଗଣତନ୍ତ୍ର ପାଇଁ ଶୁଭ ନୁହେଁ ବୋଲି ବାଚସ୍ପତି କହିଛନ୍ତି ।

ରାଜ୍ୟସଭାରେ ମଧ୍ୟ ଏହି ପ୍ରସଙ୍ଗ ନେଇ ସମାନ ପରିସ୍ଥିତି ସୃଷ୍ଟି ହୋଇଥିଲା । ଏହାପରେ ରାଜ୍ୟସଭାକୁ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ ରଖାଯାଇଛି ।

*Desk*

# ଏନ୍.ଟି.ଏ. କମିଟି

ଜାତୀୟ ପରୀକ୍ଷଣ ସଂସ୍ଥା–ଏନ୍‌ଟିଏରେ ସଂସ୍କାର ଆଣିବା ପାଇଁ ଶିକ୍ଷା ମନ୍ତ୍ରଣାଳୟ ଦ୍ୱାରା ଗଠିତ ବିଶେଷଜ୍ଞ କମିଟି ଛାତ୍ରଛାତ୍ରୀ ଏବଂ ଅଭିଭାବକମାନଙ୍କଠାରୁ ମତାମତ ଲୋଡ଼ିଛନ୍ତି । ଇସ୍ରୋର ପୂର୍ବତନ ଅଧ୍ୟକ୍ଷ ଡକ୍ଟର କେ.ରାଧାକ୍ରିଷ୍ଣନ୍‌ଙ୍କ ଅଧ୍ୟକ୍ଷତାରେ ଗଠିତ ଏହି କମିଟି **ମାଇଁ ଗଭ୍** ୱେବ୍‌ସାଇଟ୍ ଜରିଆରେ ପ୍ରସ୍ତାବ ଏବଂ ମତାମତ ଗ୍ରହଣ କରିବେ । ଆସନ୍ତା ଜୁଲାଇ ୭ ତାରିଖ ପର୍ଯ୍ୟନ୍ତ ମତାମତ ପଠାଯାଇ ପାରିବ । ଆସନ୍ତା ୨ମାସ ମଧ୍ୟରେ କମିଟି’ ଶିକ୍ଷା ମନ୍ତ୍ରଣାଳୟକୁ ଏନ୍‌ଟିଏରେ ସଂସ୍କାର ସମେତ ପରୀକ୍ଷା ପରିଚାଳନା ପ୍ରକ୍ରିୟା ଓ ଡାଟା ସୁରକ୍ଷା ସଂପର୍କିତ ରିପୋର୍ଟ ପ୍ରଦାନ କରିବ ।

*Desk*

# ମୁଖ୍ୟମନ୍ତ୍ରୀ - ଦିଲ୍ଲୀ ଗସ୍ତ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ନୂଆଦିଲ୍ଲୀରେ ଲୋକସଭା ବାଚସ୍ପତି ଓମ୍. ବିର୍ଲା, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ନୀତିନ୍ ଗଡ଼କରୀ, ଗେଜେନ୍ଦ୍ର ସିଂହ ଶେଖାୱତ୍ ଏବଂ ଜୁଏଲ୍ ଓରାମ୍‌ଙ୍କ ସହ ସାକ୍ଷାତ କରିଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ସହ ଦୁଇ ଉପ-ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଏବଂ ପ୍ରଭାତୀ ପରିଡ଼ା ମଧ୍ୟ କେନ୍ଦ୍ରମନ୍ତ୍ରୀମାନଙ୍କ ସହ ସାକ୍ଷାତ୍ କରିଛନ୍ତି । ସୂଚନା ଅନୁସାରେ ମୁଖ୍ୟମନ୍ତ୍ରୀ ଗତକାଲି ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀଙ୍କ ସମେତ ଅନ୍ୟ କେନ୍ଦ୍ରମନ୍ତ୍ରୀମାନଙ୍କ ସହ ସାକ୍ଷାତ୍ କରି ଓଡ଼ିଶାର ବିକାଶ ସମ୍ପର୍କରେ ଆଲୋଚନା କରିଥିଲେ ।

*IPR*

# କୃଷି ସମୀକ୍ଷା ବୈଠକ

ରାଜ୍ୟରେ ସମ୍ଭାବ୍ୟ ବର୍ଷା ଓ ଚାଷର ସ୍ଥିତି ସମ୍ପର୍କରେ ଆଜି ରାଜସ୍ୱ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ସମୀକ୍ଷା କରିଛନ୍ତି । ଏହି ସମୟରେ ସେ ପାଣିପାଗ ବିଭାଗର ପୂର୍ବାନୁମାନ ସମ୍ପର୍କିତ ସତର୍କ ସୂଚନା ଜନସାଧାରଣ ତଥା କୃଷକମାନଙ୍କ ନିକଟରେ ପହଞ୍ଚାଇବା ତଥା ଏହାର ବିଶ୍ୱସନୀୟତା ବୃଦ୍ଧି କରିବା ଉପରେ ଗୁରୁତ୍ୱ ଦେଇଛନ୍ତି । ଏହି ଅବସରରେ

ସେ ଜଳସେଚନ ପ୍ରକଳ୍ପଗୁଡ଼ିକର କାର୍ଯ୍ୟକାରିତାକୁ ନେଇ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ବର୍ତ୍ତମାନ ରାଜ୍ୟର ୩୧୪ଟି ବ୍ଲକ୍‌ରେ ବୃଷ୍ଟିମାପକ ଯନ୍ତ୍ର ଥିବାବେଳେ ଆଗାମୀ ଦିନରେ ବିଭାଗ ପକ୍ଷରୁ ପ୍ରତ୍ୟେକ ଗ୍ରାମ ପଞ୍ଚାୟତରେ ଏହି ବ୍ୟବସ୍ଥା କରାଯିବା ନେଇ ବୈଠକରେ ନିଷ୍ପତ୍ତି ହୋଇଛି ।

***Puri/R***

## ରଥଯାତ୍ରା - ମନ୍ତ୍ରୀଙ୍କ ସମୀକ୍ଷା

ରାଜ୍ୟ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଆଜି ପୁରୀରେ ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପରିଚାଳନା ନେଇ ସମୀକ୍ଷା କରିଛନ୍ତି । ରଥଯାତ୍ରାରେ ଶ୍ରଦ୍ଧାଳୁଙ୍କ ସମାଗମକୁ ଦୃଷ୍ଟିରେ ରଖି ଦର୍ଶନ, ରହଣି, ଗମନାଗମନ ଏବଂ ଅନ୍ୟାନ୍ୟ ଆନୁଷଙ୍ଗିକ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦିଆଯାଇଛି ।  ଏହି ସମୟରେ ରାଷ୍ଟ୍ରପତିଙ୍କ ଗସ୍ତକୁ ଦୃଷ୍ଟିରେ ରଖି ସମଙ୍ଗଠାରେ ରାଷ୍ଟ୍ରପତିଙ୍କ ହେଲିକପ୍ଟର ପହଞ୍ଚିବା ପରେ ରୁଟ୍ ପ୍ଲାନ୍ ନେଇ ମଧ୍ୟ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଅନୁଧ୍ୟାନ କରିଛନ୍ତି । ଶ୍ରୀମନ୍ଦିରରେ ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନପାଇଁ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ସେ କହିଛନ୍ତି ।  ଏହି ବୈଠକରେ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇ, ଏସ୍.ପି. ପିନାକ ମିଶ୍ରଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

*CMO*

# ମୁଖ୍ୟ ଶାସନ ସଚିବ

କେନ୍ଦ୍ର ଡେପୁଟେସନ୍‌ରୁ ଫେରିବା ପରେ ବରିଷ୍ଠ ପ୍ରଶାସକ ମନୋଜ ଆହୁଜାଙ୍କୁ ରାଜ୍ୟ ସରକାର ମୁଖ୍ୟ ଶାସନ ସଚିବ ଭାବେ ନିଯୁକ୍ତି ଦେଇଛନ୍ତି । ବର୍ତ୍ତମାନର ମୁଖ୍ୟ ଶାସନ ସଚିବ ପି.କେ. ଜେନା ଆସନ୍ତା ୩୦ ତାରିଖରେ ଅବସର ଗ୍ରହଣ କରିବା ପରେ ଶ୍ରୀ ଆହୁଜା ଦାୟିତ୍ୱ ଗ୍ରହଣ କରିବେ । ଏହାସହ ସେ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗର ସଚିବ ଭାବେ ମଧ୍ୟ କାର୍ଯ୍ୟ କରିବେ ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି ।

*Desk*

# ଜଳ ସଂରକ୍ଷଣ କାର୍ଯ୍ୟକ୍ରମ

ଜଳ ସଂରକ୍ଷଣ କାର୍ଯ୍ୟକ୍ରମକୁ ବ୍ୟାପକ କରିବା ଲକ୍ଷ୍ୟରେ କେନ୍ଦ୍ର ଜଳଶକ୍ତି ମନ୍ତ୍ରଣାଳୟ ପକ୍ଷରୁ 'କ୍ୟାଚ୍ ଦ ରେନ୍' ଅଭିଯାନ -୨୦୨୪ର ଶୁଭାରମ୍ଭ କରାଯାଇଛି । ଏହି ଅଭିଯାନ ଆସନ୍ତା ନଭେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ଚାଲିବ । ଚଳିତଥର ଏହାର ବିଷୟବସ୍ତୁ ରହିଛି 'ନାରୀ ଶକ୍ତିରେ ଜଳ ଶକ୍ତି'। ଏଥିରେ ମହିଳାଙ୍କ ଭାଗିଦାରୀ ମଜଭୁତ କରାଯାଇ ଜଳ ପରିଚାଳନା ଏବଂ ସଂରକ୍ଷଣ କାର୍ଯ୍ୟକ୍ରମକୁ ଅଧିକ ସୁଦୃଢ଼ କରାଯିବା ପାଇଁ ସରକାର ଲକ୍ଷ୍ୟ

ରଖିଛନ୍ତି । ରାଜ୍ୟ ଜଳସମ୍ପଦ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ସମସ୍ତ ଜିଲ୍ଲାପାଳମାନଙ୍କୁ ଚିଠି ଲେଖିଛନ୍ତି । ଜଳାଶୟ ଗୁଡ଼ିକର ସଫେଇ, ଅଚଳ କାମ କରୁନଥିବା ବୋରୱେଲ କାର୍ଯ୍ୟକ୍ଷମ କରିବା, ଜଳାଶୟ ଗୁଡ଼ିକୁ ଜିଓ ଟ୍ୟାଗିଂ କରିବା, ଜଳଉତ୍ସ ଚର୍ତୁଃପାର୍ଶ୍ୱ ଅଞ୍ଚଳରେ ବନୀକରଣ ଏବଂ ଛୋଟଛୋଟ ନଦୀ ଗୁଡ଼ିକର ପୁର୍ନରୁଦ୍ଧାର ପାଇଁ ପଦକ୍ଷେପ ନେବାଲାଗି ଶ୍ରୀମତୀ ଗର୍ଗ ଚିଠିରେ କହିଛନ୍ତି ।

***PIB***

# ନୂଆ ଅପରାଧିକ ଆଇନ

ଭୁବନେଶ୍ୱରସ୍ଥିତ ପତ୍ରସୂଚନା କାର୍ଯ୍ୟାଳୟ – ପି.ଆଇ.ବି. ପକ୍ଷରୁ ନୂଆ ଅପରାଧିକ ଆଇନ ସମ୍ପର୍କିତ କର୍ମଶାଳା ଅନୁଷ୍ଠିତ ହୋଇଛି । ଏଥିରେ ଯୋଗଦେଇ ରାଜ୍ୟ ଅଗ୍ନିଶମ ମହାନିର୍ଦ୍ଦେଶକ ସୁଧାଂଶୁ ଷଡ଼ଙ୍ଗୀ କହିଛନ୍ତି, ମାନବ ଅଧିକାର ସୁରକ୍ଷା କ୍ଷେତ୍ରରେ ଗଣମାଧ୍ୟମର ଭୂମିକା ଗୁରୁତ୍ୱପୂର୍ଣ୍ଣ । ସେ କହିଛନ୍ତି, ମହିଳା ଓ ଶିଶୁ ସୁରକ୍ଷା ଏବଂ ମାନବ ଚାଲାଣ ଭଳି ଅପରାଧ ପାଇଁ ଏହି ଆଇନରେ ପୀଡ଼ିତଙ୍କୁ ସୁରକ୍ଷା ଦେବା ସହିତ ଦୋଷୀକୁ ଦଣ୍ଡପ୍ରଦାନ ପାଇଁ ଉପଯୁକ୍ତ ବ୍ୟବସ୍ଥା କରାଯାଇଛି । ସୂଚନା ଅନୁସାରେ ଦେଶରେ ଆସନ୍ତା ପହିଲାରୁ ଭାରତୀୟ ନ୍ୟାୟ ସଂହିତା, ଭାରତୀୟ ନାଗରିକ ସୁରକ୍ଷା ସଂହିତା ଏବଂ ଭାରତୀୟ ସାକ୍ଷ୍ୟ ଅଧିନିୟମ ଲାଗୁ ହେବାକୁ ଯାଉଛି ।

*Kendrapara/R*

## ଚାରାରୋପଣ

କେନ୍ଦ୍ରାପଡ଼ା ଜିଲ୍ଲା ପ୍ରଶାସନ ପକ୍ଷରୁ "ମା' ପାଇଁ ଗଛଟିଏ" କାର୍ଯ୍ୟକ୍ରମ ଆରମ୍ଭ ହୋଇଛି । ଏହି ଅବସରରେ ଜିଲ୍ଲା ମିଶନ୍ ଶକ୍ତି ଭବନ ପରିସରରେ ଚାରାରୋପଣ ହୋଇଥିଲା ।

*Boudh/R*

## ଆଇନ ସଚେତନତା ଶିବିର

ବୌଦ୍ଧ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ମୁଣ୍ଡିପଦର ସରକାରୀ ଉଚ୍ଚ ବିଦ୍ୟାଳୟରେ ଏକ ଆଇନ ସଚେତନତା ଶିବିର ଆୟୋଜିତ ହୋଇଛି । ଏହି ଶିବିରରେ ପ୍ରବାସୀ ଶ୍ରମିକଙ୍କ ମୌଳିକ ଅଧିକାର, କର୍ତ୍ତବ୍ୟ ଏବଂ ପ୍ରବାସୀ ଶ୍ରମିକ ଅଧିକାର ସୁରକ୍ଷା ଆଇନ ନେଇ ସଚେତନ କରାଯାଇଥିଲା ।

*Desk*

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୩୦ ତାରିଖ ରବିବାର ଦିନ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ପୂର୍ବାହ୍ନ ୧୧ଟାରେ

ଦେଶବାସୀଙ୍କ ସହ ଭାବ ବିନିମୟ କରିବେ । ଏହା ମାସିକ ରେଡ଼ିଓ କାର୍ଯ୍ୟକ୍ରମ ମନ୍ କି ବାତ୍‌ର ୧୧୧ତମ ସଂସ୍କରଣ ହେବ । ତୃତୀୟଥର ଲାଗି ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିବା ପରେ ଏହା ପ୍ରଥମ ମନ୍ କି ବାତ୍ କାର୍ଯ୍ୟକ୍ରମ ।

ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟ୍‌ୱର୍କ, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ । ଏହା ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ । ହିନ୍ଦୀ ପ୍ରସାରଣ ପରେ ପରେ ଆକାଶବାଣୀ କାର୍ଯ୍ୟକ୍ରମର ଆଞ୍ଚଳିକ ଭାଷାନ୍ତରଣର ପ୍ରସାରଣ କରିବ ।

***Met.O.***

## ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଘୂର୍ଣ୍ଣିବଳୟ ଆଜି ଉତ୍ତର-ପଶ୍ଚିମ ଏବଂ ତତ୍‌ସଂଲଗ୍ନ ପଶ୍ଚିମ-କେନ୍ଦ୍ରୀୟ ଅଞ୍ଚଳରେ କେନ୍ଦ୍ରୀଭୂତ ହୋଇଛି । ଆସନ୍ତା ଦୁଇ ଦିନ ମଧ୍ୟରେ ଏହା ଉତ୍ତର-ପଶ୍ଚିମ ଦିଗକୁ ଗତି କରିବାର ସମ୍ଭାବନା ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଅନୁସାରେ ଏହାର ପ୍ରଭାବରେ ରାଜ୍ୟରେ ବର୍ଷା ଲାଗି ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର କଳାହାଣ୍ଡି, କନ୍ଧମାଳ, ରାୟଗଡ଼ା, ନୟାଗଡ଼, ଗଞ୍ଜାମ,

ଜଗତ୍‌ସିଂହପୁର, କେନ୍ଦ୍ରାପଡ଼ା ଓ ଭଦ୍ରକ ଜିଲ୍ଲାରେ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ୧୪ଟି ଜିଲ୍ଲାରେ ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ଏହିସହବୁ ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି । ଆସନ୍ତା ରବିବାର ପର୍ଯ୍ୟନ୍ତ ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଛି ।

*****